ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

କୋଭିଡ୍-୧୯ ପି.ଆର୍. ନଂ-୩୫
ଅପରାହ୍ଣ-୪.୩୦ ଘଟିକା

# ପ୍ରେସ୍ ବିବୃତି

ଭୁବନେଶ୍ୱର : ୧୬ ଅପ୍ରେଲ,୨୦୨୦

କରୋନା ଭୂତାଣୁ ରୋଗ (କୋଭିଡ୍-୧୯)ର ସଂକ୍ରମଣକୁ ପ୍ରତିହତ କରିବା ନିମନ୍ତେ ଓଡ଼ିଶା ସରକାର ଗ୍ରହଣ କରିଥିବା ବିଭିନ୍ନ ପଦକ୍ଷେପ ଉପରେ ରାଜ୍ୟ ସରକାରଙ୍କ ମୁଖ୍ୟ ମୁଖପାତ୍ର ଶ୍ରୀ ସୁବ୍ରତ ବାଗ୍‌ଚୀ, ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନ ସଚିବ ଶ୍ରୀ ସୁରେଶ ଚନ୍ଦ୍ର ମହାପାତ୍ର ଏବଂ ସୂଚନା ଓ ଲୋକସଂପର୍କ ବିଭାଗର କମିଶନର ତଥା ଶାସନ ସଚିବ ଶ୍ରୀ ସଂଜୟ କୁମାର ସିଂ ଆଜି ଅପରାହ୍ଣରେ ଗଣମାଧ୍ୟମକୁ ସୂଚନା ଦେଇଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ କୋଭିଡ୍-୧୯ ମୁକାବିଲା ନିମନ୍ତେ ଏହାର ସଂକ୍ରମଣ ସମ୍ଭାବନାକୁ ଦୃଷ୍ଟିରେ ରଖି ରାଜ୍ୟରେ ଆଗୁଆ ପଦକ୍ଷେପ ସ୍ୱରୂପ ସ୍ୱତନ୍ତ୍ର କୋଭିଡ୍ ହସ୍‌ପିଟାଲ୍ ନିର୍ମାଣ ପାଇଁ ନିଷ୍ପତ୍ତି ନେଇଥିଲେ ଏବଂ ତାହାକୁ ତୁରନ୍ତ କାର୍ଯ୍ୟକାରୀ କରିବା ପାଇଁ ନିର୍ଦ୍ଦେଶ ଦେଇଥିଲେ । ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶ କ୍ରମେ ଅତି କମ୍ ସମୟ ମଧ୍ୟରେ ବର୍ତ୍ତମାନ ସୁଦ୍ଧା ରାଜ୍ୟର ୨୧ଟି ଜିଲ୍ଲାରେ ୨୪ଟି ସ୍ୱତନ୍ତ୍ର କୋଭିଡ-୧୯ ହସ୍‌ପିଟାଲ୍ କାର୍ଯ୍ୟ କରୁଛି । ଏହି ହସ୍‌ପିଟାଲ୍‌ଗୁଡ଼ିକରେ ସମୁଦାୟ ଶଯ୍ୟା ସଂଖ୍ୟା ୩୯୫୧ ହୋଇଥିବାବେଳେ ଆଇସିୟୁ ଶଯ୍ୟା ସଂଖ୍ୟା ୨୯୩ ।
- କଳାହାଣ୍ଡି ଜିଲ୍ଲାର ଭବାନୀପାଟଣା ଠାରେ ସ୍ୱତନ୍ତ୍ର କୋଭିଡ୍-୧୯ ହସ୍‌ପିଟାଲ୍ ସ୍ଥାପିତ ହେବାକୁ ଯାଉଛି । ୧୯୪ ଶଯ୍ୟା ଓ ୬ ଆଇସିୟୁ ଶଯ୍ୟା ବିଶିଷ୍ଟ ଏହି ହସ୍‌ପିଟାଲ୍ ଭବାନୀପାଟଣା ସରକାରୀ ଇଂଜିନିୟରିଂ କଲେଜରେ ଆସନ୍ତା ୭ ଦିନ ମଧ୍ୟରେ କାର୍ଯ୍ୟକ୍ଷମ ହେବ ।
- ଆଜି ପୂର୍ବାହ୍ଣରେ ମୁଖ୍ୟ ଶାସନ ସଚିବ ଶ୍ରୀ ଅସିତ୍ ତ୍ରିପାଠୀ ଏବଂ ମୁଖ୍ୟମନ୍ତ୍ରୀଙ୍କ ସଚିବ ଶ୍ରୀ ଭି. କେ. ପାଣ୍ଡିଆନ୍ କେଉଁଝର, ମୟୂରଭଞ୍ଜ ଏବଂ ବାଲେଶ୍ୱର ଗସ୍ତ କରି ୩ଟି ଯାକ ଜିଲ୍ଲାର କୋଭିଡ୍ ହସ୍‌ପିଟାଲ୍ ପରିଦର୍ଶନ କରିବା ସହ ଜିଲ୍ଲାର କୋଭିଡ୍ ପ୍ରସ୍ତୁତି ସଂପର୍କରେ ପୁଙ୍ଖାନୁପୁଙ୍ଖ ସମୀକ୍ଷା କରିଛନ୍ତି ।
- କୋଭିଡ୍-୧୯ ଚିକିତ୍ସା ନିମନ୍ତେ ହାଇଡ୍ରୋକ୍ସିକ୍ଲୋରୋକୁଇନ୍(ଏଚ୍‌ସିକ୍ୟୁ) ପରି ଔଷଧ ବାବଦରେ ସରକାରଙ୍କ ପକ୍ଷରୁ ମାର୍ଗଦର୍ଶିକା ଜାରି କରାଯାଇଛି । ଡାକ୍ତରଙ୍କ ବିନା ପରାମର୍ଶରେ ଏହି ଔଷଧ ବ୍ୟବହାର ନକରିବା ପାଇଁ ଜନସାଧାରଣଙ୍କୁ ପରାମର୍ଶ ଦିଆଯାଇଛି ।
- ରାଜ୍ୟରେ ଘରୋଇ ହିଂସାକୁ ପ୍ରତିହତ କରିବା ଉଦ୍ଦେଶ୍ୟରେ ମହିଳା ଓ ଶିଶୁ ବିକାଶ ବିଭାଗ ପକ୍ଷରୁ ଏକ ହ୍ୱାଟସ୍‌ଆପ୍ ନଂ-୭୨୦୫୦୦୬୦୩୯ ଜାରି କରାଯାଇଛି । ଏଥି ସହିତ ବିଭାଗର ହେଲପ୍‌ଲାଇନ୍ -୧୮୧ ମଧ୍ୟ କାର୍ଯ୍ୟ କରୁଛି । ଘରୋଇ ହିଂସାର ଶିକାର ହେଉଥିବା ବ୍ୟକ୍ତିବିଶେଷ ଏହି ହ୍ୱାଟସ୍‌ଆପ୍ ଓ

ହେଲପ୍‌ଲାଇନ୍‌ର ସାହାଯ୍ୟ ନେବାକୁ ପରାମର୍ଶ ଦିଆଯାଇଛି । ଅନୁରୂପ ଭାବରେ, ରାଜ୍ୟ ମହିଳା ଆୟୋଗ ମଧ୍ୟ ଘରୋଇ ହିଂସା ନିୟନ୍ତ୍ରଣ ଉଦ୍ଦେଶ୍ୟରେ ଏକ ଏକ ହ୍ୱାଟସ୍‌ଆପ୍ ନଂ-୮୭୬୩୫୪୩୦୧୩ ଜାରି କରିଛନ୍ତି ।

- ଦୃଢ଼ତାର ସହ କରୋନାର ମୁକାବିଲା ପାଇଁ ସରକାର ରାଜ୍ୟରେ ସ୍ୱାସ୍ଥ୍ୟ ଭିତ୍ତିଭୂମିର ବିକାଶ ସହ ଡାକ୍ତରଙ୍କ ସ୍ୱତନ୍ତ୍ର ତାଲିମ ଉପରେ ଗୁରୁତ୍ୱ ଦେଉଛନ୍ତି । କରୋନା ସନ୍ଦିଗ୍ଧଙ୍କୁ ଆଇସିୟୁର ଆବଶ୍ୟକତା ପଡ଼ିଲେ, କିପରି ଚିକିତ୍ସା କରାଯିବ, ସେ ସଂପର୍କରେ ବିଭନ୍ନ ଜିଲ୍ଲାର ଡାକ୍ତରଙ୍କୁ ଏସ୍‌ସିବି ମେଡିକାଲ୍ କଲେଜ୍(କଟକ)ରେ ପ୍ରଶିକ୍ଷଣ ଦିଆଯାଉଛି ।

- ଓଡ଼ିଶାର ବିଭିନ୍ନ ସ୍ଥାନରେ ଅଟକି ରହିଥିବା ବାହାର ରାଜ୍ୟର ପ୍ରାୟ ୭୭,୦୦୦ ଅତିଥି ଶ୍ରମଜୀବୀଙ୍କୁ ୨୫୫୩ ଟି ଶିବିର ଜରିଆରେ ଖାଇବା ଓ ରହିବା ସୁବିଧା ସହିତ ଆବଶ୍ୟକ ସ୍ୱାସ୍ଥ୍ୟସେବା ଯୋଗାଇ ଦିଆଯାଇଛି । ଏହି ସବୁ ଅତିଥି ଶ୍ରମଜୀବୀ ମାନେ ଦେଶର ଅନ୍ୟାନ୍ୟ ରାଜ୍ୟରୁ ଆସି ଓଡ଼ିଶାର ବିଭିନ୍ନ ସ୍ଥାନରେ ରହିଛନ୍ତି । ଅଭିଯୋଗ ଗ୍ରହଣ ପାଇଁ ଶ୍ରମଜୀବୀ ସହାୟତା କଲ୍ ସେଣ୍ଟର ଟୋଲ୍ ଫ୍ରି ନଂ-୧୮୦୦୩୪୫୬୭୦୩ ଜାରି କରାଯାଇଛି ।

- ରାଜ୍ୟର ୬୭୯୮ଟି ଗ୍ରାମ ପଞ୍ଚାୟତରେ ୭୦୩୩ଟି ଅସ୍ଥାୟୀ ଚିକିତ୍ସା ଶିବିର କାର୍ଯ୍ୟକରୁଛି । ଏସବୁରେ ୧,୬୩,୬୪୯ ଶଯ୍ୟାର ବ୍ୟବସ୍ଥା ରହିଛି ।

- ଆଜି ରାଜ୍ୟର ୫୪୩୮ ଗ୍ରାମ ପଞ୍ଚାୟତରେ ୩,୩୪,୪୨୬ ଜଣ ନିରାଶ୍ରୟ ଓ ଅସହାୟ ଲୋକଙ୍କୁ ରନ୍ଧାଖାଦ୍ୟ ଯୋଗାଇ ଦିଆଯାଇଛି । ସେହିପରି ୧୧୩ ଟି ପୌରାଞ୍ଚଳରେ ୩୫,୧୭୩ ଜଣଙ୍କୁ ରନ୍ଧାଖାଦ୍ୟ ଦିଆଯାଇଛି ।

- ରାଜ୍ୟରେ କୋଭିଡ୍-୧୯ ନିୟମ ଏବଂ ମାର୍ଗଦର୍ଶିକା ଉଲ୍ଲଂଘନ କରିଥିବା ଅଭିଯୋଗରେ ଅପ୍ରେଲ ୧୫ରୁ ଅପ୍ରେଲ ୧୬ ତାରିଖ ସକାଳ ପର୍ଯ୍ୟନ୍ତ ୨୪ ଘଣ୍ଟା ମଧ୍ୟରେ ୧୪୪ଟି ମାମଲା ଦାୟର କରାଯାଇଛି । ସେଥିରୁ ୧୩୪ଟି ମାମଲା ଲକ୍ ଡାଉନ୍ ସଂପର୍କିତ ହୋଇଥିବାବେଳେ ୪ଟି ହୋମ୍ କ୍ୱାରାଣ୍ଟାଇନ୍ ଉଲ୍ଲଂଘନ ଏବଂ ୬ଟି ଅନ୍ୟାନ୍ୟ କାରଣ ପାଇଁ ଅଟେ । ବିଭିନ୍ନ ଅଭିଯୋଗରେ ୧୫୨ ଜଣଙ୍କୁ ଗିରଫ
କରାଯାଇଛି ।

- ବର୍ତ୍ତମାନ ସୁଦ୍ଧା ଗୁଜବ ପ୍ରଚାର ଅଭିଯୋଗରେ ୭୬ ଜଣଙ୍କ ବିରୁଦ୍ଧରେ ମାମଲା ଦାୟର କରାଯାଇଛି ।

ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୬୭୩୪ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୬୦ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ପଜିଟିଭ୍ ବ୍ୟକ୍ତିଙ୍କ ପ୍ରତିଶତ ହାର ୦.୮୯ ରହିଛି ।
- ୧୯ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ଜଣେ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**

- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୪୦ ରହିଛି ।
- ଓଡ଼ିଶାରେ ଗତକାଲି ୧୧୯୭ କୋଭିଡ୍-୧୯ ନମୁନା ପରୀକ୍ଷା କରାଯାଇଛି । ପରୀକ୍ଷା ସଂଖ୍ୟା ଦୃଷ୍ଟିରୁ ଏହା ବର୍ତ୍ତମାନ ସୁଦ୍ଧା ସର୍ବୋଚ୍ଚ ରହିଛି ।

ସୁଚେତା ପ୍ରିୟଦର୍ଶିନୀ
ସୂଚନା ଅଧିକାରୀ

**'ଘରେ ରୁହନ୍ତୁ, ସୁରକ୍ଷିତ ରୁହନ୍ତୁ'**